# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**30 May – 2025**

# ପିଏମ୍-କୃଷି ସଂକଳ୍ପ ଅଭିଯାନ

ବୈଜ୍ଞାନିକ ଗବେଷଣା ଏବଂ ସଫଳ କୃଷି ପଦ୍ଧତି ଗୁଡ଼ିକ ଚାଷୀମାନଙ୍କ ପାଖରେ ପହଞ୍ଚିବା ଆବଶ୍ୟକ ବୋଲି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ କହିଛନ୍ତି । ଭୁବନେଶ୍ୱର ଓୟୁଏଟିସ୍ଥିତ କୃଷି ଶିକ୍ଷା ସଦନଠାରେ କେନ୍ଦ୍ର କୃଷି ଓ କୃଷକ ମନ୍ତ୍ରଣାଳୟ ପକ୍ଷରୁ ବିକଶିତ କୃଷି ସଂକଳ୍ପ ଅଭିଯାନର ଶୁଭାରମ୍ଭ ପରିପ୍ରେକ୍ଷୀରେ ପ୍ରଧାନମନ୍ତ୍ରୀ ଆଭାସି ଜରିଆରେ କହିଛନ୍ତି, କୃଷି ସଂକଳ୍ପ ଅଭିଯାନ କୃଷକମାନଙ୍କ ପାଇଁ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ ଏବଂ କୃଷି ବିକାଶକୁ ସମର୍ଥନ କରିବା ପାଇଁ ଏକ ଅନନ୍ୟ ପ୍ରୟାସ ।

**V/O**

ସୂଚନା ଅନୁସାରେ ଗତକାଲି ପୁରୀର ସାକ୍ଷୀଗୋପାଳଠାରୁ କେନ୍ଦ୍ର କୃଷିମନ୍ତ୍ରୀ ଶିବରାଜ ସିଂ ଚୌହାନ ବିକଶିତ କୃଷି ସଂକଳ୍ପ ଅଭିଯାନର ଶୁଭାରମ୍ଭ କରିଥିଲେ । ଏହା ପରେ କୃଷି ଶିକ୍ଷା ସଦନଠାରେ ଶ୍ରୀ ଚୌହାନ ଏବଂ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ରାଜ୍ୟର ବିଭିନ୍ନ ପ୍ରାନ୍ତରୁ ଯୋଗ ଦେଇଥିବା କୃଷକମାନଙ୍କୁ ଭେଟିଥିଲେ ।

---

# ମୁଖ୍ୟମନ୍ତ୍ରୀ-ସମୀକ୍ଷା

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଭୁବନେଶ୍ୱର ଲୋକସେବା ଭବନରେ କଟକ-ଭୁବନେଶ୍ୱରରେ ବର୍ଷାଦିନେ ଉପୁଜୁଥିବା କୃତ୍ରିମ ଜଳବନ୍ଦୀ ସମସ୍ୟାର ସମାଧାନ ନେଇ ନିଆଯାଇଥିବା ପଦକ୍ଷେପ ସଂପର୍କରେ ସମୀକ୍ଷା କରିଛନ୍ତି । ବୈଠକରେ ମୁଖ୍ୟମନ୍ତ୍ରୀ ଡ୍ରେନ୍ ଗୁଡ଼ିକର ସଫେଇ କାର୍ଯ୍ୟ ଆସନ୍ତା ୨୦ ତାରିଖ ସୁଦ୍ଧା ସଂପୂର୍ଣ୍ଣ କରିବାକୁ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ।

---

## ସମୀକ୍ଷା ବୈଠକ

ଶିଳ୍ପମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ ପୁରୀ ଜିଲ୍ଲାର ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟର ସମୀକ୍ଷା କରିଛନ୍ତି । ପୁରୀ ସ୍ୱତନ୍ତ୍ର ସର୍କିଟ୍ ହାଉସ୍‌ଠାରେ ଜିଲ୍ଲାର ବିଭିନ୍ନ ବିଭାଗରେ ଚାଲିଥିବା ପ୍ରକଳ୍ପର କାର୍ଯ୍ୟକାରିତା ସଂପର୍କରେ ବିଭାଗୀୟ ଅଧିକାରୀମାନଙ୍କ ସହିତ ମନ୍ତ୍ରୀ ଆଲୋଚନା କରିଛନ୍ତି । ସରକାରଙ୍କର ପ୍ରତିଟି ଯୋଜନା ଯେପରି ସାଧାରଣ ଲୋକଙ୍କ ପାଖରେ ପହଞ୍ଚି ପାରିବ, ସେଥିପାଇଁ ଉତ୍ତରଦାୟିତ୍ୱର ସହିତ କାର୍ଯ୍ୟ କରିବାକୁ ମନ୍ତ୍ରୀ ପରାମର୍ଶ ଦେଇଛନ୍ତି ।

## ବନ୍ୟା ପ୍ରସ୍ତୁତି ବୈଠକ

ଉନ୍ନୟନ କମିଶନର ତଥା ଜଳସମ୍ପଦ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ଅନୁ ଗର୍ଗଙ୍କ ଅଧ୍ୟକ୍ଷତାରେ ଚଳିତବର୍ଷ ପାଇଁ ବନ୍ୟା ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ବନ୍ୟା ପରିଚାଳନା ପାଇଁ ବନ୍ୟା ନିୟନ୍ତ୍ରଣ କକ୍ଷଗୁଡ଼ିକ କାର୍ଯ୍ୟକ୍ଷମ କରିବା ତଥା ନଦୀବନ୍ଧ ଗୁଡ଼ିକର ଯାଞ୍ଚ ଉପରେ ଗୁରୁତ୍ୱ ପ୍ରଦାନ କରାଯାଇଥିଲା । ଆସନ୍ତା ମାସ ୧୫ ତାରିଖ ସୁଦ୍ଧା ନଦୀ ଜଳ ନିଷ୍କାସନ ପ୍ରଣାଳୀରେ ଥିବା ସମସ୍ତ ଅବରୋଧ ହଟାଇବା ପାଇଁ ମଧ୍ୟ ବୈଠକରେ ନିଷ୍ପତ୍ତି ହୋଇଛି । ସମ୍ଭାବ୍ୟ ବନ୍ୟା ପରିସ୍ଥିତିର ମୁକାବିଲା ପାଇଁ ପ୍ରସ୍ତୁତି ଓ ସତର୍କତାର ସହ କାର୍ଯ୍ୟ କରିବାକୁ ଶ୍ରୀମତୀ ଗର୍ଗ ବିଭାଗୀୟ ଅଧିକାରୀମାନଙ୍କୁ ପରାମର୍ଶ ଦେଇଛନ୍ତି ।

## ସ୍ୱାସ୍ଥ୍ୟବିଭାଗ ବୈଠକ

ବର୍ଷାଋତୁକାଳୀନ ରୋଗ ପ୍ରତିରୋଧ ଓ ନିୟନ୍ତ୍ରଣ ପାଇଁ ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଛି । ବିଭାଗର ଶାସନ ସଚିବ ଅଶ୍ୱତୀ ଏସ୍. ତୃଣମୂଳସ୍ତରରେ ସଚେତନତା କାର୍ଯ୍ୟକ୍ରମକୁ ବ୍ୟାପକ କରିବା ସହ ସ୍ୱାସ୍ଥ୍ୟକେନ୍ଦ୍ର ତଥା

ଡାକ୍ତରଖାନା ଗୁଡ଼ିକରେ ପର୍ଯ୍ୟାପ୍ତ ପରିମାଣର ଔଷଧ ମହଜୁଦ ରଖିବା ପାଇଁ ନିର୍ଦ୍ଦେଶ ଦେଇଛନ୍ତି । ସେହିଭଳି ବୈଠକରେ ଔଷଧଯୁକ୍ତ ମଶାରୀ ବଣ୍ଟନ, ମ୍ୟାଲେରିଆ ଓ ଡେଙ୍ଗୁ ଆଦି ଜ୍ୱରର ନିରୂପଣ ପାଇଁ ଟେଷ୍ଟିଂ କିଟ୍ ମହଜୁଦ ରଖିବା, ସକ୍ରିୟ କ୍ଷେତ୍ର ନିରୀକ୍ଷଣ, ନିୟମିତ ଯାଞ୍ଚ ଉପରେ ଗୁରୁତ୍ୱ ପ୍ରଦାନ କରାଯାଇଥିଲା ।

## ଗ୍ରାମୀଣ ଭିତ୍ତିଭୂମି ବିକାଶ ପାଣ୍ଠି

ଭୁବନେଶ୍ୱର ଲୋକସେବା ଭବନ ସମ୍ମିଳନୀ କକ୍ଷରେ ୨୦୨୫-୨୬ ଆର୍ଥିକ ବର୍ଷରେ ଗ୍ରାମୀଣ ଭିତ୍ତିଭୂମି ବିକାଶ ପାଣ୍ଠିର ଉଚ୍ଚକ୍ଷମତାସଂପନ୍ନ କମିଟି ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ଉନ୍ନୟନ କମିଶନର ଅନୁ ଗର୍ଗ ପାଣ୍ଠି ସହାୟତାରେ କାର୍ଯ୍ୟକାରୀ ହେଉଥିବା ବିଭିନ୍ନ ଭିତ୍ତିଭୂମି ଉନ୍ନୟନ ପ୍ରକଳ୍ପର କାର୍ଯ୍ୟକାରିତା, ସଫଳତା ଓ ଅଗ୍ରଗତିର ସମୀକ୍ଷା କରିଥିଲେ ।

## ଓଟିଇଟି

ଶିକ୍ଷକ ଶିକ୍ଷୟିତ୍ରୀମାନଙ୍କ ନିମନ୍ତେ ଉଦ୍ଦିଷ୍ଟ ସ୍ୱତନ୍ତ୍ର ଓଟିଇଟି ପରୀକ୍ଷା ଆସନ୍ତା ଜୁଲାଇ ମାସ ୨୦ ତାରିଖରେ ଅନୁଷ୍ଠିତ ହେବ । ପ୍ରଥମ ସିଟିଂ ସକାଳ ୯ଟାରୁ ସାଢ଼େ ୧୧ଟା ପର୍ଯ୍ୟନ୍ତ ଏବଂ ଦ୍ୱିତୀୟ ସିଟିଂ ଅପରାହ୍ନ ୨ଟାରୁ ସାଢ଼େ ୪ଟା ଯାଏଁ ପରୀକ୍ଷା ଅନୁଷ୍ଠିତ ହେବ । ପରୀକ୍ଷାର୍ଥୀମାନେ ଓଡ଼ିଶା ମାଧ୍ୟମିକ ଶିକ୍ଷା ପରିଷଦ ୱେବ୍‌ସାଇଟ୍‌ରୁ ଆଡମିଟ୍ କାର୍ଡ ଡାଉନ୍‌ଲୋଡ୍ କରିପାରିବେ ।

## ସ୍ୱାସ୍ଥ୍ୟ ବିଭାଗ ଯାଞ୍ଚ କମିଟି

ବିଧାୟକ ବିଭୂତି ଭୂଷଣ ପ୍ରଧାନଙ୍କ ନେତୃତ୍ୱରେ ବିଧାନସଭାର ସ୍ୱାସ୍ଥ୍ୟ ବିଭାଗ ଯାଞ୍ଚ କମିଟି ୩ ଦିନିଆ କନ୍ଧମାଳ ଓ ଗଞ୍ଜାମ ଜିଲ୍ଲା ପରିଦର୍ଶନରେ ଯାଇଛନ୍ତି । କମିଟି ସଦସ୍ୟମାନେ କନ୍ଧମାଳ ଜିଲ୍ଲାରେ ଥିବା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର, ଆୟୁଷ୍ମାନ ଆରୋଗ୍ୟ

ମନ୍ଦିର ଏବଂ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ପରିଦର୍ଶନ କରି ଅଧିକାରୀମାନଙ୍କ ସହ ବିଭିନ୍ନ ସମସ୍ୟାର ସମାଧାନ ନେଇ ଆଲୋଚନା କରିଥିଲେ ।

## ଶୀତଳଷଷ୍ଠୀ

ସମ୍ବଲପୁରର ପ୍ରସିଦ୍ଧ ଶୀତଳଷଷ୍ଠୀ ଯାତ୍ରା ଅବସରରେ ଝାଡୁଆପଡ଼ା, ମୁଦିପଡ଼ା ସହିତ ବଡ଼ବଜାର, ଠାକୁରପଡ଼ା ଏବଂ ଅନ୍ୟାନ୍ୟ ଯାତ୍ରା କମିଟିର ପତର ପେଣ୍ଡି ବା ନିର୍ବନ୍ଧ ସମ୍ପନ୍ନ ହୋଇଛି । ଏହି ଅବସରରେ ଝାଡୁଆପଡ଼ା ଲୋକନାଥ ବାବାଙ୍କ ଶୋଭାଯାତ୍ରା କନ୍ୟାପକ୍ଷ ସାକ୍ଷୀପଡ଼ାସ୍ଥିତ ରାଜସ୍ୱମନ୍ତ୍ରୀ ସୁରେଶ ପୂଜାରୀଙ୍କ ଘରେ ପହଞ୍ଚିବା ପରେ ପରମ୍ପରା ଅନୁସାରେ ନିର୍ବନ୍ଧ ସଂପନ୍ନ ହୋଇଥିଲା ।

## ପାଣିପାଗ

ବଙ୍ଗୋପସାଗରରେ ସକ୍ରିୟ ଅବପାତ ଗଭୀର ଅବପାତରେ ପରିଣତ ହୋଇଛି । ଗଭୀର ଅବପାତର ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଲାଗିରହିଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଆସନ୍ତା ୨୪ ଘଣ୍ଟା ମଧ୍ୟରେ ୧୦ଟି ଜିଲ୍ଲାରେ ଅତିପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି । ସେହିଭଳି ବିଜୁଳି ଘଡ଼ଘଡ଼ି ସହ ବର୍ଷା ହେବା ନେଇ ସମସ୍ତ ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି ।